# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
**24 August - 2024**
**News Editor : *Itishree Singh Rathaur***

# ଚାଉଳ ଏଟିଏମ୍

ରାଜ୍ୟ ସରକାର ଭୁବନେଶ୍ୱରର ମଞ୍ଚେଶ୍ୱରଠାରେ ଚାଉଳ ଏଟିଏମ୍ ସ୍ଥାପନ କରିଛନ୍ତି । ଏହା ସହ  ପ୍ରତି ଜିଲ୍ଲା ମୁଖ୍ୟାଳୟରେ ଗୋଟିଏ ଲେଖାଏଁ ଚାଉଳ ଏଟିଏମ୍ ସ୍ଥାପନ କରିବାକୁ ଲକ୍ଷ୍ୟ ରଖିଛନ୍ତି ବୋଲି ବିଧାନସଭାରେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଛନ୍ତି । ବିଭାଗର ଖର୍ଚ୍ଚଦାବି ଆଲୋଚନା ସମୟରେ ମନ୍ତ୍ରୀ କହିଛନ୍ତି ଜିଲ୍ଲାସ୍ତରରେ ଚାଉଳ ଏଟିଏମ୍‌ର ସଫଳତାକୁ ଲକ୍ଷ୍ୟ କରି ପରବର୍ତ୍ତୀ ସମୟରେ ପଞ୍ଚାୟତ ଗୁଡ଼ିକରେ ଚାଉଳ ଏଟିଏମ୍ ଖୋଲିବା ନେଇ ନିଷ୍ପତ୍ତି ନିଆଯିବ ।  ମନ୍ତ୍ରୀ କହିଛନ୍ତି ଖାଦ୍ୟ ସୁରକ୍ଷା ଓ ନିରାପତ୍ତା ଯୋଜନାରେ ୩ କୋଟି ୨୫ ଲକ୍ଷ ହିତାଧିକାରୀ ଅନ୍ତର୍ଭୁକ୍ତ ଅଛନ୍ତି । ସେମାନଙ୍କ ମଧ୍ୟରୁ ୧୬ଲକ୍ଷ ନକଲୀ ହିତାଧିକାରୀ ଥିବା ଜଣାପଡ଼ିଛି । ପ୍ରକୃତ ହିତାଧିକାରୀଙ୍କୁ ନୂଆ କାର୍ଡ ଦିଆଯିବା ଲାଗି ସରକାର ଯୋଜନା କରୁଛନ୍ତି । ସେହିଭଳି ଅନ୍ତ୍ୟୋଦୟ ଯୋଜନାରେ ୧୨ଲକ୍ଷ ହିତାଧିକାରୀ ଅଛନ୍ତି । ଏହି ଯୋଜନାରେ ନକଲୀ ହିତାଧିକାରୀଙ୍କୁ ଚିହ୍ନଟ କରାଯିବ ବୋଲି ମନ୍ତ୍ରୀ କହିଛନ୍ତି । ସୂଚନା ଅନୁସାରେ ଗତକାଲି ଗୃହରେ ବିଭାଗର ୩ ହଜାର ୩୦୭ କୋଟି ୯୯ ଲକ୍ଷ ୧୭ ହଜାର ଟଙ୍କାର ଖର୍ଚ୍ଚ ମଂଜୁର ହୋଇଛି ।

## ଡେଙ୍ଗୁରୋଗୀ

ରାଜ୍ୟରେ ଡେଙ୍ଗୁ ଆକ୍ରାନ୍ତଙ୍କ ସଂଖ୍ୟା ୨ହଜାର ୪୭୧ରେ ପହଞ୍ଚିଛି । ସେଥିମଧ୍ୟରୁ ସୁନ୍ଦରଗଡ଼ରେ ୭୨୭ ଜଣ ଚିହ୍ନଟ ହୋଇଥିବା ବେଳେ ଖୋର୍ଦ୍ଧାରେ ୫୯୫ ଜଣ ଡେଙ୍ଗୁରୋଗୀ ଚିହ୍ନଟ ହୋଇଛନ୍ତି । ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ କହିଛନ୍ତି ଡେଙ୍ଗୁ ନିୟନ୍ତ୍ରଣ ପାଇଁ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସମସ୍ତ ପଦକ୍ଷେପ ଗ୍ରହଣ କରାଯାଉଛି । ଏଥିପାଇଁ ସୁନ୍ଦରଗଡ଼, ଭୁବନେଶ୍ୱର ଓ କଟକରେ ସ୍ୱତନ୍ତ୍ର ଅଭିଯାନ ଆରମ୍ଭ ହୋଇଛି । ଡେଙ୍ଗୁ ପରୀକ୍ଷଣକୁ ମଧ୍ୟ ବୃଦ୍ଧି କରାଯାଇଥିବା ସେ କହିଛନ୍ତି ।

## ସୁଭଦ୍ରା ଯୋଜନା

ଭୁବନେଶ୍ୱର ଲୋକସେବା ଭବନରେ ସୁଭଦ୍ରା ଯୋଜନାର କାର୍ଯ୍ୟକାରିତା ସଂପର୍କରେ ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ହିତାଧିକାରୀମାନେ ସୁଭଦ୍ରା ଯୋଜନା ସଂପର୍କରେ ଯେଭଳି ସଠିକ୍ ସୂଚନା ପାଇବେ ଏବଂ ସହଜରେ ଆବେଦନ କରିପାରିବେ, ସେ ନେଇ ସମସ୍ତ ବ୍ୟବସ୍ଥା କରିବାକୁ ବୈଠକରେ ଆଲୋଚନା ହୋଇଥିଲା ।

## ନାମଲେଖା

ରାଜ୍ୟର ଉଚ୍ଚମାଧ୍ୟମିକ ବିଦ୍ୟାଳୟ ଗୁଡ଼ିକରେ ନାମଲେଖା ପାଇଁ ଆସନ୍ତାମାସ ୬ ତାରିଖରୁ ଦ୍ୱିତୀୟ ପର୍ଯ୍ୟାୟ ଆବେଦନ ପ୍ରକ୍ରିୟା ଆରମ୍ଭ ହେବ । ଏ ନେଇ ଉଚ୍ଚମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ସେପ୍ଟେମ୍ବର ୨୦ ତାରିଖରେ ପ୍ରଥମ ଚୟନ ତାଲିକା ପ୍ରକାଶ ପାଇବ । ୨୧ରୁ ୨୪ ତାରିଖ ମଧ୍ୟରେ ଚୟନ ହୋଇଥିବା

ଛାତ୍ରଛାତ୍ରୀ ନାମଲେଖାଇ ପାରିବେ । ସେହିଭଳି ଅକ୍ଟୋବର ୩ ତାରିଖରେ ସ୍ପଟ୍ ନାମଲେଖା ପାଇଁ ଚୟନ ତାଲିକା ପ୍ରକାଶ ପାଇବ ବୋଲି ବିଜ୍ଞପ୍ତିରେ କୁହାଯାଇଛି ।

---

## ସାମ୍ବାଦିକ ବୀମା ଯୋଜନା

ରାଜ୍ୟରେ କାର୍ଯ୍ୟରତ ସାମ୍ବାଦିକଙ୍କ ଏକ ପ୍ରତିନିଧି ଦଳ ରାଜ୍ୟପାଳ ରଘୁବର ଦାସଙ୍କୁ ଭେଟି  ଗୋପବନ୍ଧୁ ସାମ୍ବାଦିକ ବୀମା ଯୋଜନାର ନବୀକରଣ ସଂପର୍କରେ ଆଲୋଚନା କରିଛନ୍ତି । ଏ ନେଇ ରାଜ୍ୟପାଳ ମୁଖ୍ୟମନ୍ତ୍ରୀଙ୍କୁ ଅବଗତ କରାଇବେ ବୋଲି ପ୍ରତିଶ୍ରୁତି ଦେଇଥିବା ଜଣାପଡ଼ିଛି। ସୂଚନା ଅନୁସାରେ ଆସନ୍ତା ୩୧ ତାରିଖରେ ସାମ୍ବାଦିକ ସ୍ୱାସ୍ଥ୍ୟବୀମାର ଅବଧି ଶେଷ ହେଉଛି । ୨୦୧୮ ମସିହାରୁ ରାଜ୍ୟ ସରକାର କାର୍ଯ୍ୟରତ ସାମ୍ବାଦିକ ଏବଂ ସେମାନଙ୍କ ପରିବାର ପାଇଁ ୫ ଲକ୍ଷ ଟଙ୍କାର ସ୍ୱାସ୍ଥ୍ୟବୀମା ଯୋଗାଇ ଦେଉଛନ୍ତି ।

---

## ପୁରସ୍କାର

ମାଲକାନଗିରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ କାର୍ଯ୍ୟରତ ନର୍ସିଂ ଅଫିସର ସଂଯୁକ୍ତା ସେଠୀ ଫ୍ଲୋରେନ୍ସ ନାଇଟଙ୍ଗଲ୍ ପୁରସ୍କାର ପାଇବା ପାଇଁ ମନୋନୀତ ହୋଇଛନ୍ତି । ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆସନ୍ତା ମାସ ୧୧ ତାରିଖରେ ତାଙ୍କୁ ଏହି ପୁରସ୍କାର ପ୍ରଦାନ କରିବେ ।

---

## କର୍ମଶାଳା

ସମ୍ବଲପୁର ଜିଲ୍ଲା ପ୍ରଶାସନ ଦ୍ୱାରା ଶିଶୁ ସୁରକ୍ଷା କର୍ମଶାଳା ଆୟୋଜିତ ହୋଇଯାଇଛି । ଏଥିରେ ଜିଲ୍ଲାପାଳ ମୁଖ୍ୟଅତିଥି ଭାବେ ଯୋଗଦେଇ ଅସୁରକ୍ଷିତ ଅବସ୍ଥାରେ ଥିବା ଶିଶୁମାନଙ୍କୁ ବିଭିନ୍ନ ସରକାରୀ ଯୋଜନାରେ

ସାମିଲ କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ପ୍ରତି ମାସରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଏ ନେଇ ସମୀକ୍ଷା କରାଯିବ ବୋଲି କୁହାଯାଇଛି ।

## ଡାକ୍ତର ଆନ୍ଦୋଳନ ପ୍ରତ୍ୟାହୃତ

କଟକ ବଡ଼ମେଡ଼ିକାଲରେ ୯ ଦିନ ଧରି ଚାଲିଥିବା କନିଷ୍ଠ ଡାକ୍ତରଙ୍କ ଆନ୍ଦୋଳନ ପ୍ରତ୍ୟାହୃତ ହୋଇଛି । ଗତକାଲି ରାତି ୧୦ଟାରୁ କନିଷ୍ଠ ଡାକ୍ତରମାନେ ପୂର୍ବଭଳି କାର୍ଯ୍ୟରେ ଯୋଗ ଦେଇଥିବା ନେଇ ଜୁନିୟର ଡାକ୍ତର ସଂଘ କହିଛି । ଏହା ବ୍ୟତୀତ ଆନ୍ଦୋଳନରେ ସାମିଲ ହୋଇଥିବା ହାଉସ୍ ସର୍ଜନ ଓ ଡାକ୍ତରୀ ଛାତ୍ର ସଂଘ ମଧ୍ୟ ଆନ୍ଦୋଳନ ପ୍ରତ୍ୟାହାର କରି କାର୍ଯ୍ୟରେ ଯୋଗ ଦେଇଥିବା ଜଣାପଡ଼ିଛି ।

## ଦର୍ଶନ ବନ୍ଦ

ଭାଦ୍ରବ କୃଷ୍ଣପକ୍ଷ ପଞ୍ଚମୀ ତିଥିରେ ଆଜି ପୁରୀ ଶ୍ରୀମନ୍ଦିରରେ ଶ୍ରୀଜୀଉଙ୍କ ରାହୁରେଖା ଲାଗି ନୀତି ଅନୁଷ୍ଠିତ ହେବ । ଏଥିପାଇଁ ଅପରାହ୍ନ ୨ଟାରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ମିଳିଛି ।

## ବାସ୍କେଟ୍‌ବଲ୍

କଟକ ଜବାହରଲାଲ ନେହରୁ ଇନ୍‌ଡୋର ଷ୍ଟାଡିୟମରେ ୪୮ତମ ରାଜ୍ୟ ସବ୍‌ଜୁନିୟର ବାସ୍କେଟ୍‌ବଲ୍ ଚମ୍ପିୟାନ୍‌ସିପ୍ ଆରମ୍ଭ ହୋଇଛି । ପ୍ରତିଯୋଗିତାର ବାଳକ ବିଭାଗରେ ୨୨ଟି ଟିମ୍ ଏବଂ ବାଳିକା ବିଭାଗରେ ୧୧ଟି ଟିମ୍ ଅଂଶ ଗ୍ରହଣ କରିଛନ୍ତି । ଗତକାଲି ଅନୁଷ୍ଠିତ ଉଦ୍‌ଘାଟନୀ ମ୍ୟାଚ୍‌ରେ ବାଳକ ବିଭାଗରେ ଗଞ୍ଜାମ, କେନ୍ଦୁଝର ଏବଂ ବାଳିକା

ବିଭାଗରେ ସୁପ୍ରିମ କ୍ଲବ୍ ଓ ମାରଓ୍ୱାଡ଼ି କ୍ଲବ ମଧ୍ୟରେ ମ୍ୟାଚ୍ ଅନୁଷ୍ଠିତ ହୋଇଛି ।

## ପାଣିପାଗ

ମୌସୁମୀ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ୭ଟି ଜିଲ୍ଲାରେ ଅତି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି ୧୯ଟି ଜିଲ୍ଲାରେ ପ୍ରବଳ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି ।